## ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୮୮ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୨୮୮୫ ରେ ପହଞ୍ଚିଲା - ସୁସ୍ଥ ହେଲେ ୯୩ ଜଣ ।

ଅନୁଗୋଳ,ତା. ୨୧.୯:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୮୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରପାଳିକାରୁ ସର୍ବାଧିକ ୧୭ ଜଣ (୭ଜଣ ପୁରୁଷ ଓ ୧୦ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୪ ଜଣ (୧୦ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୩ଜଣ (୮ଜଣ ପୁରୁଷ ଓ ୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ ଜଣ (୭ଜଣ ପୁରୁଷ ଓ ୩ ଜଣ ମହିଳା),ବଅଁରପାଳ ବ୍ଲକ୍ ଅଂଚଳରୁ ୮ ଜଣ (୭ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୭ ଜଣ (୪ଜଣ ପୁରୁଷ ଓ ୩ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୭ ଜଣ (୬ଜଣ ପୁରୁଷ ଓ ୧ ଜଣ ମହିଳା),ତାଳଚେର ପୌରାଂଚଳରୁ ୫ ଜଣ (୩ଜଣ ପୁରୁଷ ଓ ୨ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪ ଜଣ (୨ଜଣ ପୁରୁଷ ଓ ୨ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ ଜଣ ( ୩ ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୯୩ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୫ ଜଣ କୋଭିଡ ହସପିଟାଲରୁ ଓ ୭୮ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୬୪୪ ତା.୨୧.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ